







# ଟି ଟାଇମ୍

## ଅଜବ ବନ୍ଧୁତା



ଅନେକ ଲୋକ ଅଛନ୍ତି ଯେଉଁମାନେ ସେମାନଙ୍କ ପୋଷା ଜୀବ ବିନା ମୁହୂର୍ତ୍ତେ ବଞ୍ଚିବାକୁ ଇଚ୍ଛା କରନ୍ତି ନାହିଁ । ଇଣ୍ଡୋନେସିଆର ସୁରାବାୟା ସହରରେ ରହୁଥିବା ହାଣ୍ଡାକୋ ନଜୋଟୁକାସାମା ତାଙ୍କର ପୋଷା କୁକୁର ଗୁଡିକୁ ତାଙ୍କୁ ପୁଅ ଝିଅ ପରି ଭଲ ପାଆନ୍ତି । ସେ ଯୁଆଡେ ଯାଆନ୍ତି କୁକୁର ଦୁଇଟିକୁ ସଙ୍ଗରେ ନେଇ ଯାଆନ୍ତି । ସେ ଏହି କୁକୁରଗୁଡିକର ସୁରକ୍ଷା ଓ ଷ୍ଟାଇଲର ପୁରାପୁରି ଯତ୍ନ ନିଅନ୍ତି । ସେ ସ୍କୁଟିରେ କୁକୁର ଦୁଇଟିକୁ ନେବା ସମୟରେ ମୁଣ୍ଡରେ ସେମାନଙ୍କୁ ହେଲମେଟ ଓ ଆଖିରେ ଚଷମା ପିନ୍ଧନ୍ତି ।

## ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

## ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଈଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଈ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବଡ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟୋନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ଲାଭଦାୟକ ଓ୍ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ଓ୍ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ଓ୍ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ଓ୍ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ଓ୍ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ଓ୍ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ଓ୍ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ ।

## ମୋଗଲ ଯୁଗର ଘଣ୍ଟେଓ୍ୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେଓ୍ୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା । ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି । ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା । ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି । ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି । ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି । ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି । ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି । ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି । ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି ।

## କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ଓ୍ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

## ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଧ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା'ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବ ଜନଜାତିଙ୍କୁ ନ୍ତଫ୍ରି ଲଭ କମ୍ୟୁନିଟଓ' କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲ ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ପଞ୍ଚସାଗର ଶକ୍ତିପୀଠ, ବାରଣାସୀ



ପଞ୍ଚସାଗର ଶକ୍ତିପୀଠ ହିନ୍ଦୁ ମାନଙ୍କ ପାଇଁ ପ୍ରମୁଖ ଧାର୍ମିକ ସ୍ଥଳ ମଧ୍ୟରେ ଗୋଟିଏ। ଏହି ଶକ୍ତିପୀଠ ଉତ୍ତରପ୍ରଦେଶ ରାଜ୍ୟର ବାରଣାସୀ ରେ ଅବସ୍ଥିତ। ପଞ୍ଚସାଗର ମନ୍ଦିରରେ ମାତା ସତୀଙ୍କୁ ବରାହୀ ରୂପରେ ପୂଜା କରାଯାଏ। ହିନ୍ଦୁ ଧର୍ମରେ ବରାହୀ ମାତାଙ୍କୁ ତିନି ଶ୍ରେଣୀରେ ପୂଜା କରାଯାଏ, ଶକ୍ତିସ୍ମ(ଦେବୀଙ୍କୁ ପୂଜା କରାଯାଏ), ଶୈବୀସ୍ମ(ଭଗବାନ ଶିବଙ୍କୁ ପୂଜା କରାଯାଏ) ଓ ବୈଷ୍ଣବୀସ୍ମ(ଭଗବାନ ବିଷ୍ଣୁଙ୍କର ପୂଜା କାଯୋଏ। ପଞ୍ଚସାଗର ମନ୍ଦିରର ବାସ୍ତୁକଳା ଖୁବ୍ ସୁନ୍ଦର ଓ ମନୋରମ। ମନ୍ଦିରରେ ଉପଯୋଗ ହୋଇଥିବା ପଥର ଗୁଡ଼ିକ ବାସ୍ତବରେ ଅନ୍ୟ ଅପେକ୍ଷା ସ୍ୱତନ୍ତ୍ର। ଏହି ପଥର ଗୁଡ଼ିକ ସୂର୍ଯ୍ୟ କିରଣରେ ଚମକ ସୃଷ୍ଟି କରେ। ଏହି ମନ୍ଦିରର ମୁଖ୍ୟ ବିଶେଷତା ହେଲା ଯେ, ଏହି ମନ୍ଦିର କେବଳ ସକାଳ ବେଳା ମାତ୍ର ଦୁଇଘଣ୍ଟା ପାଇଁ ଖୋଲାରୁହେ। ବାକି ପୂରାଦିନ ବନ୍ଦ ରୁହେ। କୁହାଯାଏ ଯେ, ରାତିରେ ମାତା ବରାହୀ ବାରଣାସୀକୁ ସୁରକ୍ଷା ଦିଅନ୍ତି। ପୌରାଣିକ କଥା ଅନୁସାରେ ଦେବୀ ବରାହୀ ଶବ୍ଦକୁ ଶକ୍ତି ରୂପରେ ପୂଜା କରାଯାଏ। ସେହିପରି ବରାହୀ ଶବ୍ଦ ଭଗବାନ ବିଷ୍ଣୁଙ୍କ ବରାହ ଅବତାରରୁ ସୃଷ୍ଟି ହୋଇଛି। ଏହି ମନ୍ଦିର ମାତା ସତୀଙ୍କ ଶକ୍ତିପୀଠ ମାନଙ୍କ ମଧ୍ୟରେ ଅନ୍ୟତମ। ଏହି ମନ୍ଦିରରେ ଶକ୍ତିଙ୍କୁ "ବରାହୀ" ରୂପରେ ପୂଜା କରାଯାଏ ଓ ଭଗବାନ ଶିବଙ୍କୁ "ମହାରୁଦ୍ର" ରୂପରେ ପୂଜା କରାଯାଏ। "ମହାରୁଦ୍ର"ର ଅର୍ଥ ପ୍ରଚଣ୍ଡ ରାଗିବାର ଅବତାର। ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସରଂଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ ତାଙ୍କର



ତଥାକଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା'ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା' ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା'ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହା ପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସି ପ୍ରକାର ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ଦକ୍ଷଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱଂୟ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ସେହିକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି ସେଠାରେ ପହଞ୍ଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଏହାଦ୍ୱାରା ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହୋଇ ଉଠିଲା। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବ ଦେବୀ ମାନେ ଏହାର ସମାଧାନ ବା ଭଗବାନ ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ଭଗବାନ ବ୍ରହ୍ମା ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ, ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଭଗବାନ ଶିବ ଶାନ୍ତ ହେବେ ନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସାଭିମୁଖିରୁ ବର୍ତ୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଭଗବାନ ଶିବ ଧରିଥିବା ମାତା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ।

କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଞ୍ଚିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବ ଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡ ଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ଭଗବାନ ବ୍ରହ୍ମା।। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ। ତେବେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠ ମାନଙ୍କ ମଧ୍ୟରେ ଉତ୍ତରପ୍ରଦେଶର ବାରଣାସୀରେ ମାତା "ବରାହୀ" ଦେବୀଙ୍କ ଶକ୍ତିପୀଠ ଅନ୍ୟତମ। ଧାର୍ମିକ ଗ୍ରନ୍ଥ ଅନୁସାରେ ଏଠାକାର ଯେଉଁ ସ୍ଥାନରେ ମାତା ସତୀଙ୍କର "ବରାହୀ"ଦେବୀଙ୍କ ଶକ୍ତିପୀଠ ରହିଛି, ସେଠାରେ ମାତା ସତୀଙ୍କର 'ତଳଦାନ୍ତ ଖଣ୍ଡ' ପଡ଼ିଥିଲା। ପଞ୍ଚସାଗର ଶକ୍ତିପୀଠରେ ସବୁ ପର୍ବପର୍ବାଣୀ ଆନନ୍ଦ-ଉଲ୍ଲାସର ସହ ପାଳିତ ହୁଏ। ବିଶେଷ କରି ଶିବରାତ୍ରି, ଦୁର୍ଗାପୂଜା ଓ ନବରାତ୍ର ଉତ୍ସବ ସମୟରେ ମାତାଙ୍କର ସ୍ୱତନ୍ତ୍ର ପୂଜା ଆୟୋଜନ ହୋଇଥାଏ। ପର୍ବ ଦିନ ମନ୍ଦିରକୁ ଫୁଲ ଓ ଆଲୋକ ମାଳାରେ ସଜାଯାଏ। ବର୍ଷର ସବୁ ସମୟରେ ମାତା "ବରାହୀ"ଦେବୀଙ୍କ ମନ୍ଦିରରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦ ଦାୟକ ଓ ମନୋରମ।





Panchsagar Shakti Peeth, Uttar Pradesh

# ପୁନର୍ମିଳନ

ଶିବାନନ୍ଦ ଓ ସୁନନ୍ଦାଙ୍କର ଦୁଇଟି ପୁଅ ପ୍ରମୋଦ ଓ ପ୍ରଶାନ୍ତ। ଶିବାନନ୍ଦ ଗୋଟିଏ ସରକାରୀ ମହାବିଦ୍ୟାଳୟରେ ଅଧ୍ୟାପନା କରନ୍ତି। ସୁନନ୍ଦା ମଧ୍ୟ ଉଚ୍ଚଶିକ୍ଷିତା, କିନ୍ତୁ ସେ ଘର କାମ ସହ ପିଲା ଦୁଇଟିଙ୍କର କଥା ଟିକିନିଖି ଭାବରେ ବୁଝିବାପାଇଁ ଚାକିରି କରିବାକୁ ରାଜି ହେଲେନାହିଁ। ପିଲା ଦୁଇଟି ବାପା ମା'ଙ୍କର ସଂସ୍କାର ପାଇ ଶୃଙ୍ଖଳିତ ଭାବରେ ବଢ଼ିବାକୁ ଲାଗିଲେ। ଶିବାନନ୍ଦଙ୍କର ଦରମା ଏବଂ ଗାଁ ବନମାଳିପୁରରେ ଥିବା ଅପର୍ଯ୍ୟାପ୍ତ ଜମିବାଡ଼ିର ଉତ୍ପାଦନକୁ ନେଇ ଛୋଟ ପରିବାରଟି ସ୍ୱଚ୍ଛଳ ଭାବରେ ଚଳନ୍ତି, ଦାନ, ଧର୍ମ, ସେବା ମଧ୍ୟ କରନ୍ତି।

କାଳକ୍ରମେ ପିଲାମାନେ ବଡ଼ ହୋଇଗଲା ପରେ ବଡ଼ପୁଅ ପ୍ରମୋଦ ଶିକ୍ଷା ସମାପ୍ତ କରି ବ୍ୟାଙ୍କ୍ ଅଫିସର୍ ଏବଂ ସାନପୁଅ ପ୍ରଶାନ୍ତ ଓ.ଏ.ଏସ୍. ଅଫିସର୍ ହେଲା। ଶିବାନନ୍ଦ ଓ ସୁନନ୍ଦା, ଏ ଦୁଇଜଣଙ୍କର ବିବାହ ଏକା ସାଙ୍ଗରେ କରିଦେଲେ। ଦୁଇ ବୋହୂଙ୍କର ନାମକରଣ କଲେ, ମିତା ଓ ରୀତା। ସେମାନଙ୍କୁ ଏକଥା ବି ବୁଝାଇଦେଲେ ଯେ ବିବାହ କହିଲେ କେବଳ ସାଥୀ ସହିତ ରହିବା ନୁହେଁ, ସୁଖ, ଦୁଃଖ ବାଣ୍ଟିବାର ଅଙ୍ଗୀକାରବଦ୍ଧତା।

ଶିବାନନ୍ଦ ଅଧ୍ୟାପନାରୁ ଅବସର ନେଲେଣି। ଏବେ ଘରଟି ତାଙ୍କର ଛୋଟ ପିଲାଙ୍କର କୋଳାହଳରେ ଅହର୍ନିଶି ମୁଖରିତ। ପ୍ରମୋଦ ଓ ମିତାଙ୍କର ପୁଅଟିଏ ଝିଅଟିଏ, ଦୀପୁ ଓ ପିଙ୍କି ଏବଂ ପ୍ରଶାନ୍ତ, ରୀତାଙ୍କର ମଧ୍ୟ ପୁଅଟିଏ ଝିଅଟିଏ ପିଞ୍ଜୁ ଓ ବେବି। ହାତର ଆଙ୍ଗୁଠି ମାତ୍ର ଦଶଟି, ହେଲେ ମିଶିଯାଆନ୍ତି ବୋଲି ହାତ ହଜାରେ କାମ କରିପାରେ। ଦୁଇ ବୋହୂ ଚାରି ନାତି ନାତୁଣୀଙ୍କ ମେଳରେ ସୁଖ, ଶାନ୍ତି, ଆନନ୍ଦରେ ସମୟ କଟିଯାଏ ସୁନନ୍ଦା ଦେବୀଙ୍କର। ଦାଦିମା ହୋଇଗଲାଠୁ ଏବେ ତାଙ୍କର ଈଶ୍ୱର ଭକ୍ତି, ଆତ୍ମବିଶ୍ୱାସ ବେଳକୁ ବେଳ ବଢ଼ିବାର ଲାଗିଲା, ଭୁବନେଶ୍ୱରର ଗୌତମନଗରର 'ଶ୍ରୀୟା' କଲୋନୀରେ ରହୁଥିବା ଏହି ପରିବାରଟି ଉପରେ କଲୋନୀର ପ୍ରାୟ ସମସ୍ତ ଅଧିବାସୀ ବହୁତ ଖୁସି।

ବିଧିର ବିଧାନ ବଡ଼ ବିଚିତ୍ର। ସୁଖ ପରେ ଦୁଃଖ, ହସ ପରେ ଲୁହ, ଏ ସୃଷ୍ଟିର ନୀତି। ତାଙ୍କ ପରିବାରର ଏହି ସୁଖ, ଶାନ୍ତି, ଆନନ୍ଦରେ ହଠାତ୍ ଭଙ୍ଗା ପଡ଼ିଗଲା ଶିବାନନ୍ଦ ବ୍ଲଡ୍ କ୍ୟାନସର୍‌ରେ ପୀଡ଼ିତ ହେଲା ଦିନଠାରୁ। ପ୍ରାୟ ଛଅମାସ ହେଲା ହସ୍ପିଟାଲ୍‌ରେ ପଡ଼ିରହିଲେ। ଲକ୍ଷ ଲକ୍ଷ ଟଙ୍କାର ଆବଶ୍ୟକତା ପଡ଼ିଲା। ବାଧ୍ୟ ହୋଇ ଦୁଇ ଭାଇ ଗାଁର ସବୁ ଜମିବାଡ଼ିକୁ ବିକ୍ରି କରିଦେଇ ଟଙ୍କା ଆଣିଲେ ବାପାଙ୍କର ଚିକିତ୍ସା ପାଇଁ। ମାତ୍ର ବାପା ଗୋଟିଏ ବର୍ଷ ମୃତ୍ୟୁ ସହ ସଂଗ୍ରାମ କଲାପରେ ଆରପାରିକୁ ଚାଲିଗଲେ। ଏହି ଦାରୁଣ ଦୁଃଖରେ ଅତ୍ୟଧିକ ମ୍ରିୟମାଣ ହୋଇପଡ଼ି ସୁନନ୍ଦା ଦେବୀ ମଧ୍ୟ ଅଳ୍ପଦିନ ପରେ ହଠାତ୍ ହୃଦ୍‌ଘାତରେ ମୃତ୍ୟୁବରଣ କଲେ।

ବାପା ଓ ମାଆଙ୍କୁ ହରାଇଲା ପରେ ସମ୍ପୂର୍ଣ୍ଣ ଅଧୈର୍ଯ୍ୟ ହୋଇପଡ଼ିଲେ ଦୁଇଭାଇ। ଧୀରେ ଧୀରେ ଅଭାବ ଅନାଟନ ସେମାନଙ୍କୁ ଗ୍ରାସକଲା। ପିଲାମାନଙ୍କ ଉଚ୍ଚଶିକ୍ଷା ପାଇଁ ଯଥେଷ୍ଟ ଅର୍ଥ ସଂଗ୍ରହ ହୋଇପାରିଲାନି। ଦୁଇ ଭାଇଙ୍କ ଭିତରେ ଯେଉଁ ପବିତ୍ର ନିଃସ୍ୱାର୍ଥପର ସ୍ନେହ, ମମତା, ଭଲପାଇବା ଥିଲା ତାହା ଧୀରେ ଧୀରେ ତିକ୍ତ ହେବାକୁ ଲାଗିଲା। ବାରମ୍ବାର ମନାନ୍ତର ସୃଷ୍ଟି ହୋଇ ଧୀରେ ଧୀରେ ମତାନ୍ତର ରୂପ ନେଲା।

ବାପା ମାଆଙ୍କର ସ୍ୱର୍ଗାରୋହଣର ମାତ୍ର ଆଠ/ନଅ ମାସ ହୋଇଛି, ଦୁଇଭାଇ ଭିନ୍ନେ ହୋଇଗଲେ। ବାପା ତିଆରି କରିଥିବା ଘର ମଝିରେ ପାଚେରୀ ପଡ଼ିଲା। ପର୍ବପର୍ବାଣୀ, ରୋଷେଇବାସ ସବୁ ଭିନ୍ନ। ଏପରିକି କେହି କାହାର ମୁହଁ ମଧ୍ୟ ଚାହିଁବାକୁ ଘୃଣା କଲେ।

ଏ କଥା ଦେଖି କଲୋନୀ ଅଧିବାସୀ ସ୍ତବ୍ଧ। କାହାରି ପାଟିରେ କଥା ନାହିଁ। ଏପରି ଘଟଣା ଥିଲା ସମସ୍ତଙ୍କର କଳ୍ପନା ବହିର୍ଭୁତ।

ପ୍ରମୋଦ ଓ ପ୍ରଶାନ୍ତଙ୍କର ପିଲାମାନେ ବଡ଼ ହେଇଗଲେଣି। ପ୍ରମୋଦଙ୍କ ପୁଅ ଦୀପୁ ଓ ପ୍ରଶାନ୍ତଙ୍କ ପୁଅ ପିଞ୍ଜୁ ଭୁବନେଶ୍ୱରର ଗୋଟିଏ କମ୍ପାନୀରେ ଇଂଜିନିୟର ହୋଇଗଲେଣି। ପିଙ୍କି ଓ ବେବି ଦୁଇଜଣଯାକ ବାଣୀବିହାରରେ ପି.ଜି. କରୁଛନ୍ତି।

ଦିନକର କଥା। ରାତି ପ୍ରାୟ ନଅଟା ବାଜି ସାରିଲାଣି। ପ୍ରମୋଦଙ୍କ ପୁଅ ଝିଅ ଓ ପ୍ରଶାନ୍ତଙ୍କ ପୁଅ ଝିଅ କେହି ଘରକୁ ଫେରିନାହାନ୍ତି। ପ୍ରମୋଦ ଦାଣ୍ଡପିଣ୍ଡାରେ ଅପେକ୍ଷା କରି କରି ଅଧୈର୍ଯ୍ୟ ହୋଇପଡୁଛନ୍ତି। ସେପାଖେ ପ୍ରଶାନ୍ତ ମଧ୍ୟ ଗେଟ୍ ପାଖରୁ ଘର, ଘର ପାଖରୁ ଗେଟ୍ ଏହିପରି ଯାଆସ କରିଚାଲିଛନ୍ତି। ସମୟ ଯେତିକି ବିଳମ୍ବ ହେଉଛି ଆଶଙ୍କା ସେତିକି ବଢ଼ି ବଢ଼ି ଚାଲିଛି ଦୁଇଭାଇଙ୍କର। କେହି କାହାକୁ ଭରସିକରି କିଛି ପଚାରି ପାରୁନାହାନ୍ତି। କାରଣ ଦୁହିଁଙ୍କ ଭିତରେ କଥୋପକଥନ ହିଁ ନାହିଁ ଅନେକ ଦିନ ହେଲାଣି। ଆଜିକାଲି ଲୋକମାନେ ତ ବେଳକୁ ବେଳ ବେଶି ଅପରାଧପ୍ରବଣ ହୋଇପଡୁଛନ୍ତି। ଦିନ ଦ୍ୱିପ୍ରହରରେ ମଧ୍ୟ ମାଡ଼ପିଟ୍, ଲୁଟ୍‌ତରାଜ, ହତ୍ୟା ଘଟଣା ସାଧାରଣ ହୋଇଗଲାଣି। ପିଲାମାନେ କାହିଁକି ଏପର୍ଯ୍ୟନ୍ତ ଫେରିଲେନି? ଏହା ଭାବି ଭାବି ଉଭୟେ ପିତାମାତା ନ ଖାଇ ନ ପିଇ ସେମାନଙ୍କ ଅପେକ୍ଷାରେ ଥାଆନ୍ତି।

ରାତି ଠିକ୍ ଦଶଟା ବେଳକୁ ଦୁଇଟି ମଟରସାଇକେଲ୍‌ରେ ଦୀପୁ ଓ ପିଙ୍କି ଏବଂ ପିଞ୍ଜୁ ଓ ବେବି ଘରକୁ ଫେରିଲେ। ଗେଟ୍ ପାଖରେ ଥିଲେ ପ୍ରଶାନ୍ତ। ଖୁବ୍ ରାଗିଯାଇ ପଚାରିଦେଲେ ତାଙ୍କ ପୁଅ ପିଞ୍ଜୁକୁ "କୁଆଡ଼େ ଯାଇଥିଲ ଏତେ ରାତିଯାଏଁ? କହିକରି କାହିଁକି ଗଲନି?" ପିଞ୍ଜୁ ଡରି ଡରି କହିଲା, "ବାବା, ଦୀପୁଭାଇର କାଲି ଜନ୍ମଦିନ ତ। ଆଜି ସିଏ ଆମକୁ କ୍ରାଉନ୍ ହୋଟେଲ୍‌ରେ ଖାଇବାକୁ ଡାକିଥିଲେ। ତୁମକୁ ଏ କଥା କହିପାରିଲୁନି କାଳେ ତୁମେ ଆଉ ବଡ଼ବାପା ଆମକୁ ଏକାଠି ଛାଡ଼ିବାପାଇଁ ନାରାଜ ହୋଇଥାଆନ୍ତ। ସରି ବାବା, ଆଗକୁ ଆଉ ଏମିତି ଭୁଲ କରିବୁନି।" ପ୍ରକୃତରେ ଶିକ୍ଷା ଯଦି ବିବେକ ଜାଗ୍ରତ କରି ନ ପାରିଲା, ତେବେ ସେଭଳି ଶିକ୍ଷା ଦିଗଶୂନ୍ୟ।

ସତେ ଅବା ପ୍ରଶାନ୍ତବାବୁଙ୍କ ସବୁ ରାଗରେ ହଠାତ୍ କିଏ ପାଣି ପକାଇଦେଲା... ପ୍ରଶାନ୍ତବାବୁ ନିଜ ପୁଅ ପିଞ୍ଜୁକୁ ଜାକି କୁଣ୍ଢେଇ ପକାଇଲେ। ଦୀପୁକୁ ମଧ୍ୟ ଆଉଁସି ପକାଇଲେ ସଜଳ ଆଖିରେ। କିଛି କହିବେ କହିବେ ହୋଇ କିଛି ବି କହି ପାରିଲେନି। କଣ୍ଠ ବାଷ୍ପରୁଦ୍ଧ ହେଲା। ଧୀରେ ଧୀରେ ପୁଅ ଝିଅଙ୍କ ସହ ଘର ଭିତରକୁ ଗଲେ। ମନୁଷ୍ୟ ଜୀବନରେ ଭୁଲଭଟକା ହେବା ତ ସ୍ୱାଭାବିକ କଥା। ମାତ୍ର ଭୁଲକୁ ସ୍ୱୀକାର କରି ଯଥାଶୀଘ୍ର ଠିକ୍ ରାସ୍ତାକୁ ଫେରିଆସିଲେ ସବୁ ସମସ୍ୟାର ସମାଧାନ ଆପେ ଆପେ ହୋଇଯିବ। ସେ ପାଖେ ପ୍ରମୋଦବାବୁଙ୍କର ମଧ୍ୟ ସେହି ଅବସ୍ଥା। ସେ ମଧ୍ୟ ପିଲାଙ୍କ ସହ ଘର ଭିତରକୁ ଆସିଲେ। ବିଛଣାରେ ଶୋଇ ରହି ଛଟପଟ ହେବାକୁ ଲାଗିଲେ। ଭାବିଲେ; ସତେତ, ଆଗରୁ ପିଲାଙ୍କର ଜନ୍ମଦିନ ବଡ଼ ଧୂମ୍‌ଧାମ୍‌ରେ ପାଳିତ ହୁଏ। ବଡ଼ମାନଙ୍କର କଳିତକରାଳକୁ ନେଇ ପିଲାମାନେ କେତେ ଯେ ମର୍ମାହତ ତାହା ଆଜି ଜଣାପଡ଼ିଗଲା। ଆମ ପିଲାମାନଙ୍କର ପରସ୍ପର ପ୍ରତି ଥିବା ସ୍ନେହ, ଶ୍ରଦ୍ଧା, ଅନାବିଳ ଭଲ ପାଇବାକୁ ଆମେ ବଡ଼ମାନେ ହିଁ ପଙ୍କିଳ କରୁଛୁ। ପ୍ରମୋଦ ଭାବିଲେ, "ଆମ ପିଲାମାନଙ୍କ ମାଧ୍ୟମରେ ଖୋଦ୍ ଭଗବାନ ଆସି ସତେ ଯେପରି ଆମକୁ ଉଚିତ ଶିକ୍ଷା ଦେଇଯାଇଛନ୍ତି।" ବାସ୍ତବିକ୍ ଭାବନାରେ ବିଶାଳତା ଆସିଲେ କର୍ମ ବି ବିଶାଳ ହୁଏ।

ରାତି ପାହିଲା। ନୂଆ ସକାଳର ନୂଆ ଆଲୋକ ଆଣିଦେଲା ଅନେକ କିଛି ପରିବର୍ତ୍ତନ। ବର୍ତ୍ତମାନ ସମୟ ହିଁ ହେଉଛି ପ୍ରକୃଷ୍ଟ ସମୟ, ତାର ଯଥାର୍ଥ ଉପଯୋଗ ଜରୁରୀ। ପ୍ରମୋଦ ଆଉ କାଳବିଳମ୍ବ ନକରି ଗଲେ ସାନଭାଇ ପ୍ରଶାନ୍ତ ପାଖକୁ। ପ୍ରଶାନ୍ତ ହୃଦୟରେ ମଧ୍ୟ ଏକାଭଳି ଆଲୋଡ଼ନ ସୃଷ୍ଟି ହୋଇଥିଲା। ଅଗ୍ନିଶିଖା ଯେପରି ଅଗ୍ନିକୁ ପ୍ରଜ୍ୱଳିତ କରେ, ହୃଦୟ ସେହିପରି ହୃଦୟର ସଂସ୍ପର୍ଶରେ ଆସିଲେ ପ୍ରଜ୍ୱଳିତ ହୋଇଉଠେ। ଦୁଇଭାଇ ପରସ୍ପରକୁ ଆଲିଙ୍ଗନ କଲାବେଳେ ନିଜ ନିଜ ପିଲାମାନଙ୍କ ନିକଟରେ ହାର ମାନିଛନ୍ତି ବୋଲି ଅନୁଭବ କଲେ। ବେଳେବେଳେ ଗୋଟିଏ ଛୋଟିଆ ନିଷ୍ପତ୍ତି ବି ଜୀବନର ଗତିପଥ ବଦଳାଇ ଦେଇଥାଏ। ଅନେକ ଦିନ ପରେ ଦୁଇ ଭାଇ ବସି ପୁଣିଥରେ ଏକତ୍ର ଚ ପାନ କଲେ। ଏହା ଥିଲା ପୁନର୍ମିଳନର ଅୟମାରମ୍ଭ।

ମଧ୍ୟାହ୍ନ ଭୋଜନ ପ୍ରମୋଦଙ୍କ ଘରେ ହେଲା। ଦୁଇ ପିତାମାତଙ୍କ ଗହଣରେ ଚାରୋଟି ସନ୍ତାନ ବଡ଼ ଆନନ୍ଦ ଉଲ୍ଲାସରେ ରାତିରେ କ୍ୟାଣ୍ଡେଲ୍ ଲଗାଇଲେ, ଜନ୍ମଦିନ କେକ୍ କାଟିଲେ ଓ ଏକତ୍ର ଭୋଜନ କଲେ। ହୃଦୟର ମିଳନ ପାଇଁ ଇଟା, ସିମେଣ୍ଟର ପ୍ରାଚୀରଟି ଆଉ ପ୍ରତିବନ୍ଧକ ହୋଇପାରିଲା ନାହିଁ।

## ମୃତିକା ସଂରକ୍ଷଣ ବିଭାଗର ଅଜବ ନୀତି, ମୁଖ୍ୟ ଫାଟକରେ ଝୁଲୁଛି ତାଲା



କେନ୍ଦୁଝର (ପିଏନ୍): ଝୁମ୍ପୁରା ବ୍ଲକ ମୁଖ୍ୟାଳୟଠାରେ ସହକାରୀ ମୃତିକା ସଂରକ୍ଷଣ ଅଧିକାରୀଙ୍କ କାର୍ଯ୍ୟାଳୟ ରହିଛି। ଲକ୍ଷ ଲକ୍ଷ ଟଙ୍କା ବ୍ୟୟରେ କୋଠାଘର ନିର୍ମାଣ ହୋଇଛି। ଉକ୍ତ କାର୍ଯ୍ୟାଳୟଟି ୨୦୨୦ମସିହା ଡିସେମ୍ବର ମାସ ୨ତାରିଖ ଦିନ ଜଳବିଭାଜିକା (ପିଡି) ପ୍ରକଳ୍ପ ନିର୍ଦ୍ଦେଶକ ଅରୁଣ କୁମାର ଦାସଙ୍କ ଦ୍ୱାରା ଉଦ୍‌ଘାଟନ କରାଯାଇଥିଲା। କେବଳ ଉଦ୍‌ଘାଟନ ଦିନ କାର୍ଯ୍ୟାଳୟର ମୁଖ୍ୟ ଗେଟ୍ ଖୋଲାଯାଇଥିଲା। ତା'ପରଦିନ ଠାରୁ ଆଜି ପର୍ଯ୍ୟନ୍ତ କାର୍ଯ୍ୟାଳୟର ମୁଖ୍ୟ ଗେଟ୍‌ରେ ତାଲା ଝୁଲୁଛି। ମୁଖ୍ୟ ଗେଟ୍‌ରେ ବର୍ଷ ବର୍ଷ ଧରି ତାଲା ଝୁଲୁଥିବା ସହ ଗେଟ୍ ସମ୍ମୁଖରେ ବିଦ୍ୟୁତ ଖୁଂଟ ଜମା କରି ରଖାଯାଇଛି। ମୁଖ୍ୟ ଗେଟ୍‌ରେ ତାଲା ପକାଇ ବିଭାଗୀୟ ଅଧିକାରୀମାନେ ଗଳାବାଟ ଦେଇ କାର୍ଯ୍ୟାଳୟକୁ ଯିବାଆସିବା କରୁଛନ୍ତି। ଫଳରେ କାର୍ଯ୍ୟାଳୟର ମୁଖ୍ୟରାସ୍ତାଟି ଲଟାବୁଦାରେ ଲୁଚିଯାଇଛି। ତେବେ ଜନସାଧାରଣ କିଛି କାମ ନେଇ କାର୍ଯ୍ୟାଳୟକୁ ଆସିଲା ବେଳେ ମୁଖ୍ୟ ଗେଟ୍‌ରେ ତାଲା ପଡିଥିବା ଦେଖି ନିରାଶ ହୋଇ ଘରକୁ ଫେରି ଯାଉଛନ୍ତି। ଏନେଇ ଝୁମ୍ପୁରାସ୍ଥିତ ମୃତିକା ସଂରକ୍ଷଣ ଓଭରସିୟର ସୁରେନ୍ଦ୍ରନାଥ ମହାନ୍ତଙ୍କ ମତାମତ ଲୋଡିବାରୁ ସେ କହିଲେ, ମୁଖ୍ୟ ଗେଟ୍ ସମ୍ମୁଖରେ ଥିବା ବିଦ୍ୟୁତ୍ ଖୁଂଟ ହଟାଇବା ସହ ଗେଟ୍ ଖୋଲାଯିବ।

## ବେଆଇନ ଭାବେ ମାଟି ପରିବହନ କରୁଥିବା ୨ ଡର ଜବତ

ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅଧିନସ୍ଥ ଅନ୍ତିରା ପଂଚାୟତର ବାଘୁଆ ପାହାଡରୁ ବେଆଇନ ଭାବେ ମାଟି ପରିବହନ କରୁଥିବା ୨ଟି ଡର ଗାଡିକୁ ରାଜସ୍ୱ ନିରିକ୍ଷଙ୍କ ଦ୍ୱାରା ଜବତ କରାଯାଇଛି। ବାଘୁଆ ପାହାଡରୁ ବେଆଇନ ଭାବେ ମାଟି ଉତୋଳନ କରି ପରିବହନ କରୁଥିବା ଡର ଗାଡି ନଂ ଓଆର-୦୪ ଏଲ-୪୧୫୪ ଓ ଓଆର-୦୯-ଏମ-୮୪୭୫କୁ ବଳରାମପୁର ରାଜସ୍ୱ ନିରିକ୍ଷକ ଚନ୍ଦନ ସାହୁ ଅଟକାଇ କାଗଜପତ୍ର ଯାଂଚ କରିଥିଲେ। ମାତ୍ର ଡ୍ରାଇଭର କୌଣସି କାଗଜପତ୍ର ଦେଖାଇ ନପାରିବାରୁ ଉଭୟ ଡରକୁ ଜବତ କରାଯାଇ ଚଡେଇଧରା ଚେକ ପୋଷ୍ଟରେ ରଖାଯାଇଛି। ଗାଡି ଦୁଇଟିରୁ ଜରିମାନା ଆଦାୟ କରାଯାଇ ଛଡାଯିବ ବୋଲି ରାଜସ୍ୱ ନିରିକ୍ଷକ ଶ୍ରୀ ସାହୁ ସୂଚନା ଦେଇଛନ୍ତି।

## ବିଜେଡ଼ିର ଜନସମ୍ପର୍କ ପଦଯାତ୍ରା



ଫୁଲନଖରା (ପିଏନ୍)-ନିଆଳି ନିର୍ବାଚନ ମଣ୍ଡଳୀ ବାରଙ୍ଗ ବ୍ଲକ ଅନ୍ତର୍ଗତ ୩୩ ନମ୍ବର ଜୋନରେ ବିଜେଡ଼ିର ଜନସମ୍ପର୍କ ପଦଯାତ୍ରା ଅନୁଷ୍ଠିତ ହୋଇଥିଲା। ବିଧାୟକ ଡାକ୍ତର ପ୍ରଫେସର ପ୍ରମୋଦ କୁମାର ମଲିକଙ୍କ ନେତୃତ୍ୱରେ ଶତାଧିକ କର୍ମୀ ଓ ମହିଳା ସ୍ୱୟଂସହାୟକ ଗୋଷ୍ଠୀ ସଦସ୍ୟା ମହୀଧରପଡ଼ା ମେଡ଼ିକାଲ ଛକରୁ ବାହାରି ଖଣ୍ଡାଗର, ବାଟପୁରଣ, ସନ୍ତୋଳ, ଅରଡ଼ିଆପଦା, ନଗରୀ, ସାଇଁଶୋ, ଗବବସ୍ତ, ଖନ୍ଦୋଳ, ଉଲ୍ଲାର, ପୁରୁଷୋତ୍ତମପୁର, ଅରିଲୋ, ରାହୁରା, ମହୁରା, ଭୁଆଁଳ ଆଦି ଗ୍ରାମ ପରିକ୍ରମା କରି ବାଇଁଲୋ ହାଟଠାରେ ଶେଷ ହୋଇଥିଲା। ଏହି ପଦଯାତ୍ରାରେ ବାରଙ୍ଗ ବ୍ଲକ ସଭାପତି ଗୋଲେଖଚନ୍ଦ୍ର ପାତ୍ର, ଯୁବ ବିଜେଡ଼ି ବ୍ଲକ ସଭାପତି ଶଶିଭୂଷଣ ଦାଶ, ଜିଲାପରିଷଦ ସଭ୍ୟ ପ୍ରଦୀପ ଭୋଇ, ସରପଞ୍ଚ ନରୋତ୍ତମ ଦାସ, ସରୋଜ ମହାପାତ୍ର, ପଦ୍ମିନୀ ପ୍ରଧାନ, ରୋହିଣୀ ଭୋଇ, ସତ୍ୟବ୍ରତ ଜେନା, ତାହିଦ ଖାଁ, ଅଶୋକ ରଥ, କୃଷ୍ଣଚନ୍ଦ୍ର ମଲିକ, ବୈକୁଣ୍ଠ ବେହେରା, ଅଜୟ ବିଶ୍ୱାଳ, ସସ୍ମିତା ବେହେରା, ବିପ୍ଲବ ଯାଦବ, ରଂଜନା ପାତ୍ର, ସାଧନା ଜେନା, ଗଗନବିହାରୀ ଜେନା, ବିଶ୍ୱରଂଜନ ସାହୁ, ମୁସ୍ତାକ ଖାଁ, ପ୍ରଣବ ପଟ୍ଟନାୟକ, ଲକ୍ଷ୍ମୀଧର ପ୍ରଧାନ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

## ସାଇ ବାବା ପ୍ରଣାମ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ



ଭୁବନେଶ୍ୱର (ପିଏନ୍): ଜାତୀୟସ୍ତରୀୟ ଖବରକାଗଜ ସମାଜ ଆଇନା ପ୍ରାୟୋଜିତ ଓ ବୀଣାପାଣି ନାଟ୍ୟସଂସ୍ଥା ସାଂସ୍କୃତିକ କାର୍ଯ୍ୟକ୍ରମ 'ସାଇ ବାବା ପ୍ରଣାମ' ଭୁବନେଶ୍ୱରସ୍ଥିତ ଜୟଦେବ ଭବନ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ପୂର୍ବତନ ସାଂସଦ ଯୋଜନା ବୋର୍ଡର ସଦସ୍ୟ ତଥା ବରିଷ୍ଠ କବି ଡକ୍ଟର ପ୍ରସନ୍ନ ପାଟଶାଣୀ, ସୁପ୍ରିମକୋର୍ଟର ଆଇନଜୀବୀ ଯୋଗଦେଇ ସାଇବାବାଙ୍କ ମହିମା ଓ ମହନୀୟ କାର୍ଯ୍ୟ ବିଷୟରେ ବକ୍ତବ୍ୟ ରଖିଥିଲେ। ଶିରିଡି ସାଇବାବା ସର୍ବଦା ଲୋକମାନଙ୍କୁ ଭଲପାଇବାର ବାର୍ତା ଦେବା ସହିତ ସେବାକାର୍ଯ୍ୟ ଉପରେ ଗୁରୁତ୍ୱ ଦେଇ ଆସୁଥିଲେ। ବାବାଙ୍କ ନାମ ଧରିଲେ ସବୁ ବିପଦ ଦୂରେଇଯାଏ ଓ ଅସମ୍ଭବ କାର୍ଯ୍ୟ ସମ୍ଭବ ହୋଇଯାଏ। ସେଥିପାଇଁ ସାରାବିଶ୍ୱରେ ସାଇବାବାଙ୍କ ଗାଥା ପ୍ରଚାର ଓ ପ୍ରସାର ହୋଇଚାଲିଥିବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ସାଇବାବାଙ୍କ ମହିମା ଉପରେ ଚଳଚ୍ଚିତ୍ର ନିର୍ଦ୍ଦେଶକ ଦିଲ୍ଲୀପ ସ୍ୱାଇଁ ଏବଂ ସାଥି କଳାକାରମାନେ ନୃତ୍ୟ ପରିବେଷଣ କରିଥିଲେ। ବରିଷ୍ଠ ସାମ୍ବାଦିକ ତଥା 'ସମାଜ ଆଇନା ଓ ସ୍ୱିଡି ନ୍ୟୁଜ'ର ସମ୍ପାଦକ ମନୋଜ କୁମାର ସେଠ୍ କାର୍ଯ୍ୟକ୍ରମରେ ଅଧକ୍ଷତା କରିଥିବାବେଳେ ବୁଦ୍ଧନାଥ ବେହେରା ଅତିଥି ପରିଚୟ ପ୍ରଦାନ କରିଥିଲେ। ବୀଣାପାଣି ନାଟ୍ୟସଂସ୍ଥା ସମ୍ପାଦକ ତଥା ସୂଚନା ଅଧିକାରୀ କର୍ମୀ ବିଚିତ୍ର ମଲିଆ ଧନ୍ୟବାଦ ଅର୍ପଣ କରିଥିଲେ। ଭଞ୍ଜନଗରରୁ ଆସିଥିବା କଳକାରମାନେ ନୃତ୍ୟ ପରିବେଷଣ କରି ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରିଥିଲେ। ଦୀନବନ୍ଧୁ ମଲିଆ ଓ ଅଭୟ ମଲିଆଙ୍କ ସଂଯୋଜନାରେ ସାଇବାବାଙ୍କ ଭଜନ ପରିବେଷଣ ହୋଇଥିଲା। ସେବାମୂଳକ କାର୍ଯ୍ୟ କରିଥିବା ପ୍ରତିଭାମାନଙ୍କୁ ସାଇ ଶ୍ରଦ୍ଧା ସମ୍ମାନରେ ସମ୍ମାନିତ କରାଯାଇଥିଲା।

## ବାଣ ନୁହେଁ, ମିଠାରେ ପାଳିଲେ ଦୀପାବଳୀ



ଭୁବନେଶ୍ୱର (ପିଏନ୍): ଭିନ୍ନ ଭିନ୍ନ ସ୍ୱାଦିଷ୍ଟ ଯୁକ୍ତ ମିଠାରେ ମହକିଲା ଆଦିବାସୀ ପଲ୍ଲୀ। ବାଣ ଫୁଟାଇବା ପରିବର୍ତ୍ତେ ମିଠାରେ ଆଲୋକର ପର୍ବକୁ ଅତି ସୁନ୍ଦର ଓ ନିରାଡ଼ମ୍ବର ଭାବେ ପାଳନ କରି ଖୁସି ବାଣ୍ଟିଛନ୍ତି ରାଜଧାନୀ ଉପକଣ୍ଠରେ ଥିବା ଆଦିବାସୀ ପଲ୍ଲୀ କନ୍ଦଲେଇର ବାସିନ୍ଦା। ସୂଚନାଯୋଗ୍ୟ, ଭୁବନେଶ୍ୱରରେ ରହୁଥିବା ସାମାଜିକ କର୍ମୀ ସନ୍ତୋଷୀ ଜୈନ ପ୍ରତିବର୍ଷ ପରିବାର ସହ ମିଶି ଦୀପାବଳୀରେ ବାଣ ଫୁଟାଇଥାନ୍ତି। ଅନେକ ଟଙ୍କା ବି ଏଥିପାଇଁ ସେ ଖର୍ଚ୍ଚ କରିଥାନ୍ତି। ଚଳିତବର୍ଷ ପରିବାର ସଦସ୍ୟମାନଙ୍କ ନିଷ୍ପତ୍ତି କ୍ରମେ ସାରା ପରିବାର ସବୁଜ ଦୀପାବଳୀ ପାଳନ ପାଇଁ ସଂକଳ୍ପ କରି ଅଣ୍ଟା ଭିଡ଼ି ଆଗେଇ ଆସିଥିଲେ ଏହି ଆଦିବାସୀ ପଲ୍ଲୀକୁ। ଶ୍ରୀମତୀ ଜୈନ କୁହନ୍ତି କ୍ଷଣିକ ଖୁସି ପାଇଁ ଆମେ ସାଧାରଣତଃ ଦୀପାବଳୀରେ ବାଣ ଫୁଟାଇଥାଉ। କିନ୍ତୁ ପରବର୍ତ୍ତୀ ସମୟରେ ଆମେ ଅନେକ ମାରାତ୍ମକ ରୋଗକୁ ଆମନ୍ତ୍ରଣ କରିବା ସହ ପରିବେଶକୁ ଉଜାଡ଼ି ଦେଇଥାଉ। ପରିବେଶ ବ ୍ଲେ, ଆମେ ବ ୍ବା। ସଂପ୍ରତି ପରିବେଶର ସୁରକ୍ଷା ନିତାନ୍ତ ଜରୁରୀ। ଏହି ଅବସରରେ ପଲ୍ଲୀରେ ଲଡ୍ଡୁ, ଜିଲାପି, ବିସ୍କୁଟ ଇତ୍ୟାଦି ବଣ୍ଟନ କରିବା ସହ ଦାରିଦ୍ର୍ୟ ସୀମାରେଖା ତଳେ ରହିଥିବା ବିଦ୍ୟାର୍ଥୀମାନଙ୍କୁ ଖାତା, କଲମ, ପେନ୍‌ସିଲ୍ ଇତ୍ୟାଦି ପାଠ୍ୟ ଉପକରଣ ୧ବର୍ଷ ଲାଗି ଯୋଗାଇ ଦିଆଯାଇଥିଲା। ସାମାଜିକ କର୍ମୀ ସୁଶାନ୍ତ ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ଶିକ୍ଷାବିତ୍ ଚନ୍ଦ୍ରଶେଖର ପାଳ, ସାମାଜିକ କର୍ମୀ ପ୍ରିୟବ୍ରତ ପଣ୍ଡା, ତ୍ରିଲୋଚନ ବେଉରା, ସ୍ଥାନୀୟ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବିଚିତ୍ର କୁମାର ମାଝୀ, ଶିକ୍ଷକ ସୁବାସ ଓଝା ପ୍ରମୁଖ ସହଯୋଗ କରିଥିଲେ। ସାମାଜିକ କର୍ମୀଙ୍କ ଏତାଦୃଶ କାର୍ଯ୍ୟକୁ ଗ୍ରାମବାସୀମାନେ ପ୍ରଶଂସା କରିବା ସହ ସ୍ଥାନୀୟ ସରପ ବିଷ୍ଣୁପ୍ରସାଦ ଡେଙ୍ଗ ସାଧୁବାଦ ଜଣାଇଥିଲେ।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେଓ୍ୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେଓ୍ୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେଓ୍ୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେଓ୍ୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେଓ୍ୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍‌ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୂରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡ଼ା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୂରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'ୀ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଊର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବସ୍ଥ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁ୍ତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁ୍ତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'ାଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# 'କାଗଜ ଗୁଡି'ର ଶୁଭମହୁରତ୍

ଭୁବନେଶ୍ୱର,(ପିଏନ): ସୁମିତ୍ରା ଏଂଟରଟେନ୍‌ମେଂଟ୍ ନିବେଦିତ ଓଡିଆ ଚଳଚ୍ଚିତ୍ର 'ମନ ମୋର କାଗଜଗୁଡି'ର ମହୁରତ ହୋଇଯାଇଛି। ନିକୋପାର୍କ ନିକଟସ୍ଥ ସୁନାଦେଇ ମନ୍ଦିରରେ ଆୟୋଜିତ ଏହି ମହୁରତ ଉତ୍ସବରେ ମାନ୍ୟବର ଭୁବନେଶ୍ୱର
ମଧ୍ୟ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ମହୁରତ କ୍ଲାପ ଦେଇ ଚଳଚ୍ଚିତ୍ରର ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ସହିତ ଟାଇଟଲ୍ ଉନ୍ମୋଚିତ କରିଥିଲେ। ରାକେଶ ଓ ଭୂମିକାଙ୍କ ଅଭିନୀତ ଏହି ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦେଉଛନ୍ତି ଡିରେକ୍ଟର ଦେବଜ୍ୟୋତି ପାତ୍ର (ଦୀପୁ) । ଯଦିଓ ନିର୍ଦ୍ଦେଶକ ଭାବେ ଏହା ତାଙ୍କର ପ୍ରଥମ ସିନେମା ହେବ ତେବେ ଷାଠିଏରୁ ଉର୍ଦ୍ଧ୍ୱ ସିନେମାର ସେ ଚିଫ୍ ଏସୋସିଏଟ୍ ଡିରେକ୍ଟର ଭାବେ କାମ କରିସାରିଛନ୍ତି। ନାୟକ ନାୟିକା ଭାବେ ନଜର ଆସିବେ ୟଙ୍ଗ୍ ସେନ୍‌ସେସନ ରାକେଶ ଓ ଭୂମିକା। ରାକେଶ ଓ ଭୂମିକା ଯୋଡିର ଏହା ପ୍ରଥମ ଚଳଚ୍ଚିତ୍ର। ଅନ୍ୟାନ୍ୟ ଭୂମିକାରେ ପ୍ରୀତିରାଜ ଶତପଥୀ, ଐଶ୍ୱର୍ଯ୍ୟା ବେହେରା, ମମତା ଦାଶ, ବୀରେନ୍ ମିଶ୍ର, ଗୁଡୁ, ଜ୍ଞାନ ପ୍ରମୁଖଙ୍କୁ ଦେଖିବାକୁ ମିଳିବ। ଯୁବ ଉଦ୍ୟୋଗୀ ଶିବିର ପରିଡା ଓ ଲକ୍ଷ୍ମୀପ୍ରିୟା ପରିଡାଙ୍କ ପ୍ରଯୋଜନାରେ ନିର୍ମିତ 'ମନ ମୋର କାଗଜ ଗୁଡି'ର ସହ ପ୍ରଯୋଜକ ଅଛନ୍ତି ବିବେକାନନ୍ଦ ବାରିକ ଓ ପାର୍ବତୀ ବାରିକ। ସଙ୍ଗୀତ ଦେଇଛନ୍ତି ଜାପାନୀ ଭାଇ। ଗୀତରଚନା କରିଛନ୍ତି ବସନ୍ତରାଜ ସାମଲ ଓ ସୁବ୍ରତ ସ୍ୱାଇଁ। ଦିବ୍ୟସିଂହ ରାୟଙ୍କ ରଚିତ କାହାଣୀରେ ସଂଳାପ ଦେଇଛନ୍ତି ମାନସ ପଢିଆରୀ। ସୋମିଓ ସିନେମାଟୋଗ୍ରାଫର ଥିବାବେଳେ ମୁଖ୍ୟ ସହକାରୀ ନିର୍ଦ୍ଦେଶକ ଓ ସହକାରୀ ନିର୍ଦ୍ଦେଶକ ଅଛନ୍ତି ସ୍ୱାଗତ ପାତ୍ର ଏବଂ ଜୁନିୟର ସିଦ୍ଧାନ୍ତ। ମେକ୍ ଅପ୍‌ରେ ରାଜୁ, କେଶବିନ୍ନ୍ୟାସରେ ତୁଳସୀ ଓ କଳାରେ ନବଘନ ଦଳେଇ ଥିବାବେଳେ ବ୍ୟବସ୍ଥାପନାରେ ଅଛନ୍ତି ସର୍ବେଶ୍ୱର ସୂତାର। ଚଳଚ୍ଚିତ୍ରର ପ୍ରଚାର ଓ ପ୍ରସାର ଦାୟିତ୍ୱ ବହନ କରିଛନ୍ତି 'ବେଷ୍ଟ ଆଇଡିଆଜ୍'। 'ମନ ମୋର କାଗଜ ଗୁଡି' ଶୀର୍ଷକରେ ନିର୍ମିତ ଏହି ଚଳଚ୍ଚିତ୍ରର କାହାଣୀ ସମ୍ପୂର୍ଣ୍ଣ ଭିନ୍ନ ଧରଣର। ଓଡିଆ ଚଳଚ୍ଚିତ୍ର ଶୀର୍ଷକରେ ଇଂରାଜୀ ଓ ହିନ୍ଦୀ ଶବ୍ଦର ବ୍ୟବହାରକୁ ନେଇ ଦର୍ଶକ ଓ ସମାଲୋଚକମାନେ ପ୍ରଶ୍ନ ଉଠାଇ ଆସିଛନ୍ତି। ସେ ଦୃଷ୍ଟିରୁ ଏହାର ଶୀର୍ଷକ ନିଆରା। ଏହା ଏମିତି ଏକ ଶୀର୍ଷକ
ଯେଉଁଥିରେ ଓଡିଆତ୍ୱ ରହିଛି, ରହିଛି ଆପଣାପଣ। ଯେମିତି ମିଠା ସେମିତି ମନଛୁଆଁ। ଶୀର୍ଷକରୁ ହିଁ ଦର୍ଶକ ଅନୁମାନ କରିପାରିବେ ଯେ ଏହା ଏକ ମୌଳିକ କାହାଣୀ। କୌଣସି ସିନେମାର କପି ନୁହେଁ କି ଏଥିରେ କୌଣସି ସିନେମାର ଛାପ ନାହିଁ। ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସାମ୍ପ୍ରତିକ ସମସ୍ୟା ଉପରେ ଏହା ଆଧାରିତ। ବିଭିନ୍ନ ପ୍ରକାର ଚାପର ଶିକାର ହୋଇ ଯୁବ ପିଢି କିପରି ଅବାଟରେ ପାଦ ରଖୁଛନ୍ତି ଓ ନିଶା କବଳରେ କବଳିତ ହେଉଛନ୍ତି, ତାର ନଜିର ରହିଛି ଏଥିରେ। ବାଟବଣା ଯୁବ ବର୍ଗଙ୍କୁ ବାଟକୁ ଆଣିବାକୁ ସୁମିତ୍ରା ଏଂଟରଟେନ୍ ମେଂଟ୍‌ର ଏ ପ୍ରୟାସ। କାହାଣୀରେ ମନୋରଞ୍ଜନର ଭରପୂର ମସଲା ରହିଛି। ସବୁ ବର୍ଗର ଦର୍ଶକଙ୍କୁ ଏହା ପସନ୍ଦ ଆସିବ। ଏହା ଏକ ବ୍ୟୟବହୁଳ ଛବି ହୋଇଥିବା ବେଳେ ଗୀତଗୁଡିକ
ବାହାର ଲୋକେସନରେ ସୁଟିଂ କରାଯିବାର ଯୋଜନା ରହିଛି। ସିନେମା ପାଇଁ କେବଳ ସିନେମା ନୁହେଁ। କରୋନା ଯୋଗୁ ଠପ୍ ହୋଇଯାଇଛି ସିନେମା ଶିଳ୍ପ। କଳାକାର ଓ ଟେକ୍ନିସିଆନଙ୍କ ହାତରେ ପ୍ରାୟତଃ କାମ ନାହିଁ। ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି ସମସ୍ତେ। ଏଣୁ ସୁମିତ୍ରା ଏଂଟରଟେନ୍‌ମେଂଟ୍ ପକ୍ଷରୁ କଳାକାର ଓ ଟେକ୍ନିସିଆନ୍‌ମାନଙ୍କୁ କାମ ଯୋଗାଇଦେବା ଉଦ୍ଦେଶ୍ୟ ନେଇ ଏହି ଚଳଚ୍ଚିତ୍ରର ଯୋଜନା କରାଯାଇଛି ବୋଲି ସ୍ପଷ୍ଟ କରିଛନ୍ତି ପ୍ରଯୋଜକ ଶିବିର କୁମାର ପରିଡା। ମହୁରତ ଉତ୍ସବରେ ଏହାର ସମସ୍ତ କଳାକାର ଓ ଟେକ୍ନିସିଆନଙ୍କ ସମେତ ଓଲିଉଡର ସହ ସମ୍ପୃକ୍ତ ବହୁ ନାମୀଦାମୀ ବ୍ୟକ୍ତିବିଶେଷ ଯୋଗ ଦେଇଥିଲେ। ନଭେମ୍ବର ୧୩ ତାରିଖରେ 'ମନମୋର କାଗଜଗୁଡି' ଫ୍ଲୋରକୁ ଆସିବ ବୋଲି ସୂଚନା ରହିଛି।




# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର,୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି। ଏହି ସମ୍ମିଳନୀରେ ଏ.ଆଇ.ଟି.ୟୁ.ସି., ସି.ଆଇ.ଟି.ୟୁ.,ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୃତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନକୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି। ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ। ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ। ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି। ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଦନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାଂକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ। ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକ୍ଷଗଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଓଗଝ ର ସଦସ୍ୟ ଥିଲେ। ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ। ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧ୍ୟକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ । ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀକୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା । ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା । ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ । ପରବର୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା । ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା । ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ୍ୟ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ। କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି । ମୃତ ସରସ୍ୱତୀକୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି ।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି । ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି ।
ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା । ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ । ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି । ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ ।
ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନ୍‌ସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି । ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି ।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଙ୍ଗା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି। ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ-୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ମେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି । ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା । କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି । ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି । ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ ।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି( ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ ।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ "ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା"ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ । ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି ।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି ।ଏହାର ସମାଧାନ ଆମ ନିଜ ପାଖରେ ଅଛି ।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ ।

## ମୁତ୍ରାଶୟ ପିଡିତଙ୍କୁ ଟ୍ରଷ୍ଟ ସହାୟତା ପ୍ରଦାନ କଲା

କେନ୍ଦ୍ରାପଡା,(ପି.ଏନ): ରାଜ୍ୟର ଅଗ୍ରଣୀ ସ୍ୱେଚ୍ଛାସେବୀ ସଂଗଠନ ବାଞ୍ଛାନିଧି ଦାସ, ଶ୍ରୀମତୀ ଦେବୀ ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ କେନ୍ଦ୍ରାପଡା ଜିଲ୍ଲାର ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ନରସିଂହପୁର ଗ୍ରାମପ ।ୟତର ଅଡାଖଣ୍ଡ ମଠସାହି ଗ୍ରାମର ମୁତ୍ରାଶୟ ପିଡିତ କୃତିବାସ ସାହୁଙ୍କୁ ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଟ୍ରଷ୍ଟର ମୁଖ୍ୟ ପୃଷ୍ଟପୋଷକ ଆମେରିକାସ୍ଥିତ ଆଲାସ୍କା ବିଶ୍ୱ ବିଦ୍ୟାଳୟର ପ୍ରଫେସର ଡ. ଦେବେନ୍ଦ୍ର କୁମାର ଦାସ ଏସମ୍ପର୍କରେ ଖବର ପାଇବା ପରେ ତୁରନ୍ତ ତାଙ୍କୁ ସହାୟତା ପ୍ରଦାନ କରିବାକୁ ଟ୍ରଷ୍ଟର ସଂଯୋଜକଙ୍କୁ ପରାମର୍ଶ ଦେଇଥିଲେ । ସେହି ଅନୁଯାୟୀ ଟ୍ରଷ୍ଟର ସଂଯୋଜକ ପ୍ରଦିପ କୁମାର ମହାନ୍ତି କୃତିବାସଙ୍କ ବାସଭବନରେ ପହ ି ତାଙ୍କୁ ଆର୍ଥିକ ସହାୟତା ପ୍ରଦାନ କରିବା ସହ ତାଙ୍କର ଆଶୁ ଆରୋଗ୍ୟ କାମନା କରିଥିଲେ । ସହାୟତା ପ୍ରଦାନ ସମୟରେ ସମାଜସେବୀ ରମାକାନ୍ତ ଦାସ ଓ ନଳିନୀ ବିହାରୀ ମହାନ୍ତି ଉପସ୍ଥିତ ଥିଲେ ।



## ଧାମନଗର ମହାବିଦ୍ୟାଳୟରେ ଅନ୍ତର୍ଜାତୀୟ ଯୁବ ଦିବସ ପାଳିତ

ଧାମନଗର ,(ପି.ଏନ): ଧାମନଗର ମହାବିଦ୍ୟାଳୟରେ ଜାତୀୟ ସେବା ଯୋଜନାର+୩ ଛାତ୍ର ଛାତ୍ରୀ ମାନଙ୍କ ଦ୍ୱାରା ଅନ୍ତର୍ଜାତୀୟ ଯୁବ ଦିବସ ପାଳିତ ହୋଇଯାଇଛି । ଏହି ଅବସରରେ ସୋମବାର ମଧାହ୍ନରେ ମହାବିଦ୍ୟାଳୟର ଅଧକ୍ଷ ଏମ.ଡି. ଇସ୍ରାଏଲଙ୍କ ନେତୃତ୍ୱରେ ମହାବିଦ୍ୟାଳୟ ପରସରରେ ଥିବା ଭାରତୀୟ ଯୁବ ପ୍ରତିଭାର ଉତ୍ସ ସ୍ୱାମୀ ବିବେକାନନ୍ଦଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହିତ ଯେ କୌଣସି ଜାତି ଓ ଦେଶର ଉନ୍ନତିରେ ଯୁବ ପିଢ଼ିର ମାନଙ୍କର ଭୁମିକା ଉପରେ ବକ୍ତବ୍ୟ ରଖିଥିଲେ । ମହାବିଦ୍ୟାଳୟର ଜାତୀୟ ସେବା ଯୋଜନା ଅଧିକାରୀ ଅଧାପକ ଡ. ମନୋଜ କୁମାର କର,ପ୍ରାଧାପକ ପ୍ରଦୀପ କୁମାର ରାୟ,ଅଧାପକ ଆଶୀର୍ବାଦ ମହାନ୍ତି, ସାଜିଆ ତମକିନ୍ ଓ ଅନ୍ୟ କର୍ମଚାରୀ ପ୍ରମୁଖ ଉପସ୍ଥିତ ରହି ଯୁବ ଛାତ୍ର ଛାତ୍ରୀମାନେ ଭବିଷ୍ୟତ ଦେଶ ସମୃଦ୍ଧି ଓ ବିକାଶର ମୁଖ୍ୟ ପୁରୋଧା ବୋଲି ମତ ପ୍ରକାଶ କରିଥିଲେ ।



ୱାର୍ଲଡ ଓଡିଶା ସୋସାଇଟିର ଅଧକ୍ଷ କିଶୋର ଦ୍ୱିବେଦୀ, ନୂଆଦିଲ୍ଲୀ ଓ ଜାତୀୟ ରାଜଧାନୀ କ୍ଷେତ୍ର ଶାଖାର ମୁଖ୍ୟ ସଂଯୋଜକ ଉମାକାନ୍ତ ଜେନା ଏବଂ ସାଂସ୍କୃତିକ ସାଧାରଣ ସମ୍ପାଦକ କାବେରୀ ବେହେରା ସୋମବାର ଭୁବନେଶ୍ୱର ଠାରେ ଓଡିଶା ବିଧାନସଭାର ବାଚ୍‌ସ୍ପତି ସୁରମା ପାଢ଼ୀ ଙ୍କୁ ସୌଜନ୍ୟ ମୂଳକ ସାକ୍ଷାତ କରିବା ଅବସରରେ ତାଙ୍କୁ ସମ୍ବର୍ଦ୍ଧନା ଜଣାଉଛନ୍ତି

## ଅଗମ୍ୟ ଇଲାକା, ଅପହଞ୍ଚ ବିକାଶ



ଭବାନୀପାଟଣା,(ପି.ଏନ): କଳାହାଣ୍ଡି ଜିଲ୍ଲାର ଅନେକ ଗାଁକୁ ଆଜିବି ପକ୍କା ରାସ୍ତା ନାହିଁ । ଗାଁକୁ ଯୋଗାଯୋଗ ନଥିବାରୁ ଶହଶହ ପରିବାର ଶିକ୍ଷା, ଖସ୍ଥ୍ୟ, ବିଦ୍ୟୁତ୍ ଏବଂ ପାନୀୟଜଳ ଭଳି ମୌଳିକ ସୁବିଧାରୁ ବଞ୍ଚିତ ହୋଇଆସୁଛନ୍ତି । ଏଭଳି ଏକ ଅବ୍ୟସ୍ଥା ଦେଖ ?ିବାକୁ ମିଳିଛି କଳାହାଣ୍ଡି ଜିଲ୍ଲା ଉପାତ ଲାଞ୍ଜିଗଡ଼ ବ୍ଲକ ଭଟାଙ୍ଗପଦର ପଞ୍ଚାୟତ ଟାଙ୍ଗନକନା ଓ ଆଖପାଖ ଗାଁରେ ।ଜିଲ୍ଲା ମୁଖ୍ୟାଳୟ ଭବାନୀପାଟଣାରୁ ମାତ୍ର ୮କିମି ଦୂରରେ ଭଗଙ୍ଗପଦର ପଞ୍ଚାୟତର ଟଙ୍ଗନକନା ସମେତ କୋଲଗାଁ, ମୁସଗୁଡ଼ା, ବଖଘନଖ, ପରାବେଲି ଭଳି ୫ରୁ ଅଧିକ ଗାଁ ରହିଛି । ଏହି ସବୁ ଗାଁ ପଞ୍ଚାୟତ କାର୍ଯ୍ୟାଳୟରୁ ୩ରୁ ୫କିମି ଦୂରରେ ରହିଥ ?ିବାବେଳେ ପ୍ରାୟ ୭୦ରୁ ଅଧିକ ପରିବାର ବସବାସ କରୁଛନ୍ତି । ଗାଁ ଗୁଡ଼ିକୁ ସବୁଦିନିଆଁ ରାସ୍ତା ନଥିବାବେଳେ ରାବଣବରହ, ପିପଳ ନାଳା ଯାତାୟାତରେ ବାଧକ ସାଜିଛି । ବର୍ଷା ଋତୁରେ ଏହି ଦୁର୍ଗମ ଗ୍ରାମବାସୀଙ୍କ ଜୀବନ ଦୁର୍ବିସହ ହୋଇପଡୁଛି । ଗାଁ ଗୁଡ଼ିକୁ ଯିବାକୁ ୨ଟି ରାସ୍ତା ଥିବାବେଳେ ପ୍ରଥମ ରାସ୍ତା ରାବଣଦରହ, ପିପଳ ନାଳା ପାର ହେଲେ ମୁଖ୍ୟରାସ୍ତା । ଅନ୍ୟଟି ପାହାଡ଼ିଆ ଜଙ୍ଗଲ ରାସ୍ତା । ଉଭୟ ରାସ୍ତା ବିପଦପୂର୍ଣ୍ଣ । ଗୋଟେ ପଟେ ପାଣି ଓ ଅନ୍ୟଟିରେ ବିପଦସଙ୍କୁଳ, ହିଂସ୍ର ଜନ୍ତୁ, ସରୀସୃପ ଭୟ । ପଞ୍ଚାୟତ କାର୍ଯ୍ୟାଳୟରୁ ଆରମ୍ଭ କରି ସ୍କୁଲ୍, ସ୍ୱାସ୍ଥ୍ୟକେନ୍ଦ୍ର ଏବଂ ଦୋକାନ ବଜାର ସମେତ ଦୈନନ୍ଦିନ ଯାତାୟାତ ପାଇଁ ଗ୍ରାମବାସୀ ଏହି ଦୁଇ ରାସ୍ତା ଉପରେ ନିର୍ଭର କରିଥାନ୍ତି । ତେଣୁ ଗାଁ ଗୁଡ଼ିକୁ ପକ୍କା ରାସ୍ତା ଓ ପିପଳ ନାଳାରେ ଏକ ପୋଲ ନିର୍ମାଣ ପାଇଁ ଅଞ୍ଚଳବାସୀ ଦୀର୍ଘବର୍ଷ ହେଲା ଦାବି(ଚିଠିକରି ସେତୁ ନିର୍ମାଣକଥା ଭୁଲିଗଲା ପ୍ରଶାସନ ରୋଗୀ ବୋହି ନାଳ ପାର ହେଉଛନ୍ତି ଗ୍ରାମବାସୀ) କରିଆସୁଛନ୍ତି । ହେଲେ ଏଥିପାଇଁ କେବଳ ପ୍ରତିଶ୍ରୁତି ମିଳୁଛି କିନ୍ତୁ ଫଳ ଶୂନ । ଅଞ୍ଚଳବାସୀ ବର୍ଷର ୮ ମାସ ଯେଣତେନ ଚଳି ଯାଉଥିବାବେଳେ ଅସରାଏ ବର୍ଷା ହେଲେ ନାଳ ପାର ପାଇଁ ଦୁରଦ୍ଦଶା ଭୋଗୁଛନ୍ତି । ଫଳରେ ବର୍ଷା ୪ ମାସ ରାସନ ଓ ଭତ୍ତା, ଛାତ୍ରୀଛାତ୍ରୀଙ୍କ ପାଠପଢ଼ାରେ ସମସ୍ୟା ସୃଷ୍ଟି ହେଉଛି । ଏପରିକି ଗର୍ଭବତୀ ମହିଳା, ଗୁରୁତର ରୋଗୀଙ୍କୁ ସ୍ୱାସ୍ଥ୍ୟକେନ୍ଦ୍ର ଆଣିବାକୁ ହେଲେ ପ୍ରାୟ ୫ କିମି ପାହାଡ଼ି ରାସ୍ତାରେ ଭାର କରି ଆଣିବାକୁ ପଡୁଛି । ନଚେତ ବିପଦସଙ୍କୁଳ ଅବସ୍ଥାରେ ନାଳ ପାର ହେବାକୁ ପଡୁଛି ।ସେହିଭଳି ଏସବୁ ଗ୍ରାମରେ ପାନୀୟ ଜଳ କଥା ନକହିବା ଭଲ । ଅନେକ ସମୟରେ ଅଧିକାଂଶ ସୋଲାର ନଳକୂପ ଅଚଳ ହୋଇ ପଡୁଥିବାବେଳେ ନାଳ ପାଣି ହିଁ ସାହାଭରସା ପାଲଟିଛି । କେବଳ ସେତିକି ନୁହଁ ଅଞ୍ଚଳରେ ପ୍ରତିବର୍ଷ ନାମକୁ ମାତ୍ର ଫଳକ ଥୋପ ଦେଇ ରାସ୍ତା ଉନ୍ନତିକରଣ ଓଅନ୍ୟାନ୍ୟ କାମ ଆଳରେ ଲକ୍ଷାଧିକ ଟଙ୍କା ଚଳୁ କରାଯାଉଥିବା ଭଳି ଅଭିଯୋଗ ସାମ୍ନାକୁ ଆସିଛି । ପୂର୍ବ ସରକାରରେ ମୁଖ୍ୟମନ୍ତ୍ରୀଙ୍କ ବ୍ୟକ୍ତିଗତ ସଚିବ ପିପଳ ନାଳାରେ ବ୍ରିଜ୍ ନିର୍ମାଣ ପାଇଁ ଅନୁମୋଦନ କରିଥିଲେ । ଏସଂକ୍ରାନ୍ତରେ ଗତ ୨୦୨୩ଜୁଲାଇ ୨୯ତାରିଖ ଲାଞ୍ଜିଗଡ଼ ବ୍ଲକ ପକ୍ଷରୁ ଗଙ୍ଗନକନାର ସ୍ଥାନୀୟ ଜନପ୍ରତିନିଧଙ୍କୁ ଚିଠି କରିଥିବା ଜଣାଯାଇଥିଲା ଓ ଉକ୍ତ ବ୍ରିଜ୍ କାମ କ୍ଷୁଦ୍ର ଜଳସେଚନ ବିଭାଗ ଦ୍ୱାରା କରାଯିବାକୁ ନିର୍ଦ୍ଦେଶ ହୋଇଥିବା ନେଇ ଚିଠିରେ ଉଲ୍ଲେଖ କରିଥିଲେ । ମାତ୍ର ପରବର୍ତ୍ତୀ ସମୟରେ ଏହି ସେତୁ କାର୍ଯ୍ୟ କେବଳ ଫାଇଲ୍ ?ରେ ସୀମିତ ରହିଥିବା ଜଣାଯାଇଛି । ଏ ଦିଗରେ ଜିଲ୍ଲା ପ୍ରଶାସନ ପଦକ୍ଷେପ ନେଲେ ଗଙ୍ଗନକନା ସମେତ ଆଖପାଖ ୫ରୁ ଅଧ ?ିକ ଗ୍ରାମବାସୀ ଉପକୃତ ହୋଇପାରିବେ ବୋଲି ପ୍ରକାଶ କରିଛନ୍ତି ।

## ଶାନ୍ତି ଅହିଂସା ମାନବ ଧର୍ମ :ସ୍ୱାମୀ ଦିବ୍ୟସ୍ୱରୂପାନନ୍ଦ ସରସ୍ୱତୀ(ଶ୍ରୀମା)

କେନ୍ଦ୍ରାପଡ଼ା,(ପି.ଏନ): ଆଜିକାଲି ସାରା ବିଶ୍ୱରେ ମାନବାଧିକାର ଲୋପ ପାଇବାକୁ ଲାଗିଲାଣି । ହିଂସା ଦ୍ୱେଷର ଲେଲିହାନ ଶିଖାରେ ବିଶ୍ୱର ଅନେକ ରାଷ୍ଟ୍ର ଆଜି ଜର୍ଜରିତ । ଋଷ୍ ଓ ୟୁକ୍ରେନ ଏବଂ ଇସ୍ରାଏଲ ଓ ପାଲେଷ୍ଟାଇନ୍ ମଧ୍ୟରେ ଚାଲିଥିବା ଯୁଦ୍ଧରେ ହଜାର ହଜାର ନିରୀହ ନାଗରିକ ମୃତ୍ୟୁ ବରଣ କଲେଣି । ଅନେକ ବାସହରା ହୋଇ ଶରଣାର୍ଥୀ ଭାବରେ ଜୀବନ କାଟୁଛନ୍ତି । ଦେଶରୁ ସ୍ଥାନ ସଂରକ୍ଷଣ ହଟାଇବା ଆନ୍ଦୋଳନରେ ବାଙ୍ଗଲାଦେଶରେ ନିର୍ବାଚିତ ସରକାରର ପତନ ହୋଇଛି ସତ,କିନ୍ତୁ ନରସଂହାର, ସଂଖ୍ୟା ଲଘୁ ହିନ୍ଦୁ ମାନଙ୍କ ଉପରେ ଅକଥନୀୟ ଅତ୍ୟାଚାର ଓ ଶୋଷଣ ବଢ଼ିଚାଲିଛି । ଏ ସବୁ ଦାରୁଣ ଖବର ମାନବତା ବିରୋଧୀ ଘଟଣା ମୋ ମନରେ ଗଭୀର ଦୁଃଖ ସୃଷ୍ଟି କରିଛି । ଏଭଳି କୁକାର୍ଯ୍ୟ ଏ ମାନବଜାତି ପାଇଁ ଶୁଭଙ୍କର ନୁହେଁ । ଏ ଜାତି ଶାନ୍ତି ମୈତ୍ରୀରେ ବିଶ୍ୱାସ ରଖି ବ ିବା ଶିଖିବା ଉଚିତ । ବିଶ୍ୱର ପ୍ରତ୍ୟେକ ମଣିଷ ଆଧ୍ୟାତ୍ମିକ ଜ୍ଞାନ ଆହରଣ କରିବା ଉଚିତ । ବସୁଧୈବ କୁଟୁମ୍ବକମ୍‌ର ଅର୍ଥ ବୁଝିବା ଉଚିତ୍ । ଏକ ଈଶ୍ୱରଙ୍କ ସନ୍ତାନ ମଣିଷ ମଣିଷ ଭାଇ ଭାଇ ଏକଥାକୁ ବୁଝିବା ଉଚିତ । ନହେଲେ ଏ ପୃଥିବୀ ବକ୍ଷରୁ ବିଶାଳକାୟ ପ୍ରାଣୀ ଡାଇନୋସର ଲୋପ ପାଇବା ଭଳି ଏ ମାନବ ଜାତି ମଧ୍ୟ ଲୋପ ପାଇଯିବ ।

## ନାଲକୋର ଆର୍ଥିକ ବର୍ଷ ୨୦୨୪-୨୫ର ପ୍ରଥମ ତ୍ରୈମାସିକ ଫଳାଫଳ : ୭୨ପ୍ରତିଶତ ଅଭିବୃଦ୍ଧି ସହ୬୦୧କୋଟି ଟଙ୍କାର ନିଟ୍ଲାଭ

ଭୁବନେଶ୍ୱର,(ପି.ଏ): କେନ୍ଦ୍ରଖଣିମନ୍ତ୍ରଣାଳୟ ଅଧିନସ୍ଥ ନବରତ୍ନ କମ୍ପାନୀ ତଥା ଦେଶର ଅନ୍ୟତମ ଅଗ୍ରଣୀ ଆଲୁମିନା ଓ ଆଲୁମିନିୟମ ଉତ୍ପାଦନକାରୀ ଏବଂ ରପ୍ତାନୀକାରୀ ଉଦ୍‌ଯୋଗ ନ୍ୟାସନାଲ ଆଲୁମିନିୟମ କମ୍ପାନୀଲିମିଟେଡ୍ (ନାଲକୋ) ୨୦୨୪ – ୨୫ ଆର୍ଥିକ ବର୍ଷରେ ଅର୍ଥାତ ଜୁନ ୩୦ ତାରିଖ ସୁଦ୍ଧା କମ୍ପାନୀ ମୋଟ ୨୮୫୬ କୋଟି ଟଙ୍କାର ବ୍ୟବସାୟ କରିବା ସହ ନିଟ ୬୦୧ କୋଟି ଟଙ୍କା ଲାଭ କରିଛି । ଏହି ଲାଭ ପରିମାଣ ଗତ ଆର୍ଥିକ ବର୍ଷରେ ଏହି ସମୟରେ କରିଥିବା ଲାଭ ୩୪୯ କୋଟି ଟଙ୍କା ଠାରୁ ୭୨% ଅଧିକ ।ଆଜି ଭୁବନେଶ୍ୱରରେ ଅନୁଷ୍ଠିତ ବୋର୍ଡସ୍ତରୀୟ ବୈଠକରେ ଏହି ଫଳାଫଳ ଘୋଷଣା କରାଯାଇଛି ।ଉଲ୍ଲେଖଯୋଗ୍ୟ ଯେ, ନାଲକୋ ୨୦୨୪ – ୨୫ ଆର୍ଥିକ ବର୍ଷର ପ୍ରଥମ ତ୍ରୈମାସିକରେ ବ୍ୟବସାୟିକଏବଂ ଆର୍ଥିକ କ୍ଷେତ୍ରରେ ସୁପରିଚାଳନା ଯୋଗୁଁ ଉତ୍କୃଷ୍ଟ ଫଳାଫଳ ହାସଲ କରିଅଛି



।ଆନ୍ତର୍ଜାତିକ ବଜାରରେ ମେଟାଲ ଦରରେଉନ୍ନତି, ଘରୋଇ ବଜାରର ସକାରାତ୍ମକ ବ୍ୟବସାୟିକ ପରିବେଶ ତଥା ଉତ୍ପାଦନ କ୍ଷେତ୍ରରେଆର୍ଥିକ ସୁପରିଚାଳନା ଯୋଗୁଁ ଚଳିତ ତ୍ରୈମାସିକରେ କମ୍ପାନୀ ଉଲ୍ଲେଖନୀୟ ଫଳାଫଳ ହାସଲ କରିପାରିଛି ।ପ୍ରଥମ ତ୍ରୈମାସିକରେ କମ୍ପାନୀର ସଫଳତାକୁ ପ୍ରଶଂସା କରିବା ସହ ନାଲକୋ ସିଏମଡି ଶ୍ରୀ ଶ୍ରୀଧର ପାତ୍ର କହିଛନ୍ତି ଯେ,ଉତ୍ପାଦନ କ୍ଷେତ୍ରରେ ନିରନ୍ତର ଅଭିବୃଦ୍ଧି ନିମନ୍ତେକମ୍ପାନୀର ପ୍ରତିବଦ୍ଧତା, ଉତ୍କଳ-ଡି କୋଇଲା ଖଣି ମାଧ୍ୟମରେ ପାୱାର ପ୍ଲାଣ୍ଟ ନିମନ୍ତେ ନିଜସ୍ୱ ଆଭ୍ୟନ୍ତରୀଣ କୋଇଲା ଉତ୍ସର ବ୍ୟବସ୍ଥା ଏହି ସଫଳତାର ମୁଖ୍ୟ ଆଧାର ଅଟେ । ଉଲ୍ଲେଖଯୋଗ୍ୟଯେ, ବ୍ୟବସାୟ କ୍ଷେତ୍ରରେ ଉନ୍ନତ ପ୍ରଦର୍ଶନ ସହ ଆଲୁମିନିୟମ୍ଏବଂଆଲୁମିନାମୂଲ୍ୟଶୃଙ୍ଖଳାରେ କ୍ରମାଗତ ଭାବେ ନାଲକୋ ଦୃଢ ପ୍ରଦର୍ଶନ କରିଆସୁଛି ।ଆର୍ଥିକ ବର୍ଷ ୨୦୨୩ – ୨୪ ନିମନ୍ତେ କମ୍ପାନୀ ଇକ୍ୱିଟି ସେୟାର ପିଛା ୨ ଟଙ୍କାର ଫାଇନାଲ ଡିଭିଡେଣ୍ଡ ମଧ୍ୟ ଘୋଷଣା କରିଛି ।






Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray